ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ, ଓଡ଼ିଶା

କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହାଙ୍କ ଅଧ୍ୟକ୍ଷତାରେ ମହାନଦୀ ଜଳ ବିବାଦ ସମାଧାନ ବୈଠକ

ଯୋଗଦେଲେ କେନ୍ଦ୍ର ଜଳଶକ୍ତି ମନ୍ତ୍ରୀ ଏବଂ ଓଡ଼ିଶା ଓ ଛତିଶଗଡ଼ ମୁଖ୍ୟମନ୍ତ୍ରୀ

ସମାଧାନର ନିକଟତର ହେଉଛୁ, ଖୁବ ଶୀଘ୍ର ଚୂଡ଼ାନ୍ତ ରୂପରେଖ ପ୍ରକାଶ ପାଇବାର ଆଶା- ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ

ଏହି ସମାଧାନ ଅନ୍ୟ ରାଜ୍ୟମାନଙ୍କ ପାଇଁ ଏକ 'ମଡେଲ ଡିସ୍‌ପୁଟ ରିଜୋଲ୍ୟୁସନ୍' ହେବ ବୋଲି ମୁଖ୍ୟମନ୍ତ୍ରୀଙ୍କ ଆଶା

ଭୁବନେଶ୍ୱର
୧ ଅକ୍ଟୋବର ୨୦୨୬

ଆଜି ନୂଆଦିଲ୍ଲୀ କର୍ତ୍ତବ୍ୟ ଭବନରେ କେନ୍ଦ୍ର ଗୃହମନ୍ତ୍ରୀ ଶ୍ରୀ ଅମିତ ଶାହାଙ୍କ ଅଧ୍ୟକ୍ଷତାରେ ମହାନଦୀ ଜଳ ବିବାଦ ସମ୍ପର୍କିତ ବୈଠକ ଅନୁଷ୍ଠିତ ହୋଇଯାଇଛି । ଏଥିରେ କେନ୍ଦ୍ର ଜଳଶକ୍ତି ମନ୍ତ୍ରୀ ଶ୍ରୀ ସି.ଆର. ପାଟିଲ, ଓଡ଼ିଶାର ମୁଖ୍ୟମନ୍ତ୍ରୀ ଶ୍ରୀ ମୋହନ ଚରଣ ମାଝୀ ଓ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ଶ୍ରୀ ବିଷ୍ଣୁଦେବ ସାଏ ଉପସ୍ଥିତ ଥିଲେ ।

ବୈଠକ ସମାପ୍ତ ହେବା ପରେ, ଗଣମାଧ୍ୟମକୁ ବିବୃତ୍ତି ଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି ଯେ, ଖୁବ୍ ସୌହାର୍ଦ୍ଦ୍ୟପୂର୍ଣ୍ଣ ବାତାବରଣ ମଧ୍ୟରେ ଏହି ଆଲୋଚନା ସକାରାତ୍ମକ ହୋଇଛି ।

ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଆମେ ଧିରେ ଧିରେ ସମାଧାନର ନିକଟତର ହେଉଛୁ । ଖୁବ୍ ଶୀଘ୍ର ଏହାର ଚୂଡ଼ାନ୍ତ ରୂପରେଖ ପ୍ରକାଶ ପାଇବ ବୋଲି ସେ ଆଶା ରଖିଛନ୍ତି । ଉଭୟ ରାଜ୍ୟର ସ୍ୱାର୍ଥକୁ ଦୃଷ୍ଟିରେ ରଖି ସମାଧାନର ପନ୍ଥା ବାହାରିବ ବୋଲି ସେ କହିଛନ୍ତି ।

ସେ କହିଥିଲେ ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଜୀଙ୍କ ମାର୍ଗଦର୍ଶନରେ, ଡବଲ ଇଞ୍ଜିନ ସରକାରରେ ଦେଶ ଓ ରାଜ୍ୟର ବିକାଶ ଯେପରି ତ୍ୱରାନ୍ୱିତ ହେଉଛି, ରାଜ୍ୟ ମାନଙ୍କ ମଧ୍ୟରେ ବିବାଦର ସମାଧାନ ପାଇଁ ମଧ୍ୟ ପଥ ଉନ୍ମୁକ୍ତ ହେଉଛି । ଏହି ସମାଧାନ ବାକି ସବୁ ରାଜ୍ୟମାନଙ୍କ ପାଇଁ ଏକ ମଡେଲ ଡିସ୍‌ପୁଟ ରିଜୋଲ୍ୟୁସନ୍ ହେବ ବୋଲି ସେ ଆଶା ପ୍ରକାଶ କରିଥିଲେ ।

ସେ କହିଥିଲେ ଯେ, ମହାନଦୀ ଆମର ଜୀବନ ରେଖା । ଓଡ଼ିଶାର କୋଟି କୋଟି ଲୋକଙ୍କ ଜୀବନଜୀବିକାର ପନ୍ଥା ହେଉଛି ମହାନଦୀ । ଜଳସେଚନ, ବନ୍ୟା ନିୟନ୍ତ୍ରଣ, ଜଳ ବିଦ୍ୟୁତ୍ ଉତ୍ପାଦନ, ପାନୀୟ ଜଳ ଯୋଗାଣ, ପର୍ଯ୍ୟାବରଣ ଆଦି ଅନେକ ବିଷୟରେ ସେ ବୈଠକରେ ଉପସ୍ଥାପନ କରିଛନ୍ତି ବୋଲି କହିଥିଲେ । ଓଡ଼ିଶାକୁ କିପରି ପର୍ଯ୍ୟାପ୍ତ ପରିମାଣରେ ଜଳ ଉପଲବ୍ଧ ହେବ, ବୈଠକରେ ସେ ଗୁରୁତ୍ୱ ଦେଇଛନ୍ତି ବୋଲି ପ୍ରକାଶ କରିଥିଲେ ।

ମୁଖ୍ୟମନ୍ତ୍ରୀ କହିଥିଲେ ଯେ, ଆମର ଡବଲ ଇଞ୍ଜିନ ସରକାର ଆସିବା ପରେ, ଉଭୟ ଛତିଶଗଡ଼ ଓ ଓଡ଼ିଶାରେ ମହାନଦୀ ସମସ୍ୟାର ସମାଧାନ ପ୍ରକ୍ରିୟା ତ୍ୱରାନ୍ୱିତ ହୋଇଛି । ଆଇନଗତ ପ୍ରକ୍ରିୟା ସହିତ ପ୍ରଶାସନିକ ଓ ରାଜନୈତିକ ସମାଧାନର ପନ୍ଥାକୁ ମଧ୍ୟ ବ୍ୟାପକ କରାଯାଇଛି ।

ଏଥିପାଇଁ ହୋଇଥିବା ଉଦ୍ୟମ ସମ୍ପର୍କରେ ସୂଚନା ଦେଇ ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଥିଲେ ଯେ, ୨୦୨୫ ଜୁଲାଇ-ଅଗଷ୍ଟରେ ଆମ ଦୁଇଜଣ ମୁଖ୍ୟମନ୍ତ୍ରୀଙ୍କ ମଧ୍ୟରେ ଆଲୋଚନା ହୋଇଥିଲା । ଏହା ମଧ୍ୟରେ ଉଭୟ ରାଜ୍ୟର ମୁଖ୍ୟ ଶାସନ ସଚିବ ଓ ଜଳ ସମ୍ପଦ ସଚିବ ସ୍ତରରେ ଅନେକ ବୈଠକ ହୋଇଯାଇଛି । ଗତ ଜୁଲାଇ ମାସରେ ଜଳ ଶକ୍ତି ମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଦୁଇ ମୁଖ୍ୟମନ୍ତ୍ରୀଙ୍କ ଉପସ୍ଥିତିରେ ମଧ୍ୟ ବୈଠକ ଅନୁଷ୍ଠିତ ହୋଇଥିଲା ।

ଜୁଲାଇ ମାସର ବୈଠକର ନିଷ୍ପତ୍ତି ଅନୁଯାୟୀ ଉଭୟ ରାଜ୍ୟର ଆବଶ୍ୟକତା ସମ୍ପର୍କରେ ସେଣ୍ଟ୍ରାଲ୍ ୱାଟର୍ କମିଶନ୍‌ଙ୍କୁ ବିଭିନ୍ନ ପ୍ରସଙ୍ଗ, ତଥ୍ୟ ଓ ସୂଚନା ପ୍ରଦାନ କରାଯାଉଛି । ତିନି ମାସ ମଧ୍ୟରେ ସମାଧାନର ପନ୍ଥା ବାହାର କରିବା ପାଇଁ ସେହି ବୈଠକରେ ଆପାତତଃ ସ୍ଥିର ହୋଇଥିଲା ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି । ଏହା ମଧ୍ୟରେ ଦୁଇ ମାସ ବିତିଗଲାଣି ଏବଂ ଆଶାନୁରୂପ ଅଗ୍ରଗତି ହୋଇଛି ବୋଲି ମୁଖ୍ୟମନ୍ତ୍ରୀ ପ୍ରକାଶ କରିଥିଲେ ।

ମହାନଦୀ ସମସ୍ୟାର ସମାଧାନ ପାଇଁ ଗୃହମନ୍ତ୍ରୀ ଅମିତ ଶାହା ଜୀ, ନିଜେ ଦାୟିତ୍ୱ ନେଇ ସମାଧାନର ପନ୍ଥା ବାହାର କରିବା ପାଇଁ ଉଦ୍ୟମ କରିଥିବାରୁ ମୁଖ୍ୟମନ୍ତ୍ରୀ ତାଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

ବୈଠକରେ କେନ୍ଦ୍ର ଗୃହ ମନ୍ତ୍ରୀ, ଜଳ ଶକ୍ତି ମନ୍ତ୍ରୀ ଓ ଦୁଇ ମୁଖ୍ୟମନ୍ତ୍ରୀଙ୍କ ସହିତ କେନ୍ଦ୍ର ଗୃହ ମନ୍ତ୍ରାଳୟ, ଜଳଶକ୍ତି ମନ୍ତ୍ରାଳୟ, କେନ୍ଦ୍ରୀୟ ଜଳ ଆୟୋଗ ଏବଂ ଓଡ଼ିଶା ଓ ଛତିଶଗଡ଼ର ମୁଖ୍ୟ ଶାସନ ସଚିବ ଓ ଉଚ୍ଚ ପଦାଧିକାରୀ ଗଣ ଉପସ୍ଥିତ ଥିଲେ ।